**କେନ୍ଦୁଝର : ୫ଟି ସଚିବଙ୍କ କେନ୍ଦୁଝର ଜିଲ୍ଲା ଗସ୍ତ :**

**ଭୀମକୁଣ୍ଡକୁ ବିଶ୍ୱସ୍ତରୀୟ ପର୍ଯ୍ୟଟନ ସ୍ଥଳୀ ଭାବରେ ବିକାଶ କରାଯିବ :**

**ଚମ୍ପୁଆରେ ଏକ ମାସ ଭିତରେ ଡ୍ରିଙ୍କ୍ ଫ୍ରମ୍ ଟ୍ୟାପ୍ ଯୋଜନା କାର୍ଯ୍ୟକାରୀ ହେବ :**

**୧୭୫ କୋଟି ବ୍ୟୟରେ ସବୁ ପ୍ରମୁଖ ସହରରେ ଡ୍ରିଙ୍କ୍ ଫ୍ରମ୍ ଟ୍ୟାପ୍ କାର୍ଯ୍ୟକାରୀ ହେବ :**

**ଚମ୍ପୁଆରେ ଚଳିତ ବର୍ଷ ରୁରାଲ୍ ମେଗା ପାଇପ୍ ସପ୍ଲାଇ କାର୍ଯ୍ୟ ଶେଷ ହେବ :**

**ରାଜ୍ୟର ସବୁଠାରୁ ଦୀର୍ଘ ୨୯୮୦ ଏମ୍‌ଟି ଯୋଡା ଫ୍ଲାଇଓଭର ଆଗାମୀ ଡିସେମ୍ବର ସୁଦ୍ଧା ଶେଷ ହେବ :**

**ଶ୍ରୀ ବଳଦେବଜୀଉଙ୍କ ମନ୍ଦିରର ବିକାଶ କରାଯିବ :**

**୧୪୦୦ କୋଟି ଟଙ୍କାର ବଡ଼ବିଲ୍ ରିଂ ରୋଡ୍ ପ୍ରକଳ୍ପ ଖୁବ୍ ଶୀଘ୍ର ଆରମ୍ଭ ହେବ :**

**ଆଦିବାସୀ ବିକାଶ ସମିତି ଛାତ୍ରଛାତ୍ରୀଙ୍କ ପାଠପଢା ଖର୍ଚ୍ଚ ସରକାର ବହନ କରିବେ**

କେନ୍ଦୁଝର, ତା୧୦.୦୬. ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ୫ଟି ସଚିବ ଶ୍ରୀ ଭି.କେ. ପାଣ୍ଡିଆନ୍ ଆଜି ଦୁଇଦିନିଆ ଗସ୍ତରେ ଆସି ୫ଟି ସଚିବ ଆଜି ପାଟଣା, ଚମ୍ପୁଆ, ଯୋଡା ବ୍ଲକ ଓ କେନ୍ଦୁଝର ପୌରପାଳିକା ଅନ୍ତର୍ଗତ ବିଭିନ୍ନ ସ୍ଥାନ ଗସ୍ତ କରି ବିକାଶମୂଳକ କାର୍ଯ୍ୟର ଅଗ୍ରଗତି ସମୀକ୍ଷା କରିବା ସହ ବହୁସଂଖ୍ୟକ ହିତାଧିକାରୀଙ୍କ ସହ ଆଲୋଚନା କରିଛନ୍ତି । ଖଣି ସମୃଦ୍ଧ ବଡ଼ବିଲ୍‌ର ପ୍ରଦୂଷଣ ଓ ଟ୍ରାଫିକ୍ ସମସ୍ୟା ଦୂର କରିବା ପାଇଁ ଖୁବ୍ ଶୀଘ୍ର ୧୪୦୦ କୋଟି ଟଙ୍କାର ବଡ଼ବିଲ୍ ରିଙ୍ଗ୍ ରୋଡ୍ ପ୍ରକଳ୍ପ ଆରମ୍ଭ କରାଯିବା ବୋଲି ମୁଖ୍ୟମନ୍ତ୍ରୀଙ୍କ ନିଷ୍ପତ୍ତି ବିଷୟରେ ଶ୍ରୀ ପାଣ୍ଡିଆନ୍ ସୂଚନା ଦେଇଛନ୍ତି । ପ୍ରଥମେ ପାଟଣା ବ୍ଲକର ଭୀମକୁଣ୍ଡକୁ ୫ଟି ସଚିବ ଯାଇ ସେଠାରେ ଚାଲିଥିବା ପ୍ରକଳ୍ପ କାର୍ଯ୍ୟଗୁଡିକର ସମୀକ୍ଷା କରିଥିଲେ । ଏହି ଅବସରରେ ସେ ଭୀମକୁଣ୍ଡକୁ ବିଶ୍ୱସ୍ତରୀୟ ପର୍ଯ୍ୟଟନସ୍ଥଳୀ ଭାବରେ ବିକଶିତ କରାଯିବା ନେଇ ସେ ସୂଚନା ଦେଇଥିଲେ । ଏ ସଂପର୍କିତ ବିସ୍ତୃତ ପ୍ରକଳ୍ପ ରିପୋର୍ଟ (ଡିପିଆର) ଯଥାଶୀଘ୍ର ପ୍ରସ୍ତୁତ କରିବାକୁ ସେ ଉପସ୍ଥିତ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏହି ଅବସରରେ ସେ ସ୍ଥାନୀୟ ଜନସାଧାରଣଙ୍କ ସହ ଆଲୋଚନା କରିବା ସହ ସେମାନଙ୍କ ସମସ୍ୟା ବିଷୟରେ ଆଲୋଚନା କରିଥିଲେ । ସ୍ଥାନୀୟ ଅଂଚଳର ବିଭିନ୍ନ ମନ୍ଦିର ଏବଂ ମସଜିଦର ପାରିପାର୍ଶ୍ୱିକ ବିକାଶ ନେଇ ଯେଉଁସବୁ ଅନୁରୋଧ ଆସିଛି, ସେସବୁକୁ ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟିକୁ ଆଣିବେ ବୋଲି ୫ଟି ସଚିବ କହିଥିଲେ । ଏହାପରେ ୫ଟି ସଚିବ ଚମ୍ପୁଆ ଯାଇ ଚମ୍ପୁଆ ଏନଏସି ସ୍ଥିତ ଜଳ ବିଶୋଧନାଗାର (ଡବ୍ଲୁଟିପି) ପରିଦର୍ଶନ କରିଥିଲେ । ସେଠାରେ ତାଙ୍କୁ ଜାରି ରହିଥିବା 'ଡ୍ରିଙ୍କ୍ ଫ୍ରମ୍ ଟ୍ୟାପ୍' ପ୍ରକଳ୍ପ ବାବଦରେ ବିସ୍ତୃତ ବିବରଣୀ ପ୍ରଦାନ କରାଯାଇଥିଲା । ଏହି ପ୍ରକଳ୍ପଟି ସଫଳତାର ସହ କାର୍ଯ୍ୟକାରୀ ହେଉଥିବା ନେଇ ସେ ସନ୍ତୋଷ ପ୍ରକାଶ କରିଥିଲେ । ଏହାବ୍ୟତୀତ "ଗ୍ରାମୀଣ ମେଗା ପାଇପ୍ ଜଳ ଯୋଗାଣ" ପ୍ରକଳ୍ପ ଚଳିତ ବର୍ଷ ଧାର୍ଯ୍ୟ ସମୟସୀମା ମଧ୍ୟରେ ଶେଷ ହେଉଥିବା ବିଷୟରେ ତାଙ୍କୁ ଅଧିକାରୀମାନେ ଅବଗତ କରାଇଥିଲେ । ଏହି ଅବସରରେ ୫ଟି ସଚିବ 'ଜଳ ସାଥୀ'ମାନଙ୍କ ସହ ଆଲୋଚନା କରିବା ସହ ଜନସାଧାରଣଙ୍କ ହିତ ପାଇଁ ସେମାନଙ୍କ କାର୍ଯ୍ୟ ବେଶ୍ ଗୁରୁତ୍ୱବହନ କରୁଛି ବୋଲି କହିଥିଲେ । ଏହାପରେ ସେ ନେହେରୁ ଷ୍ଟାଡିୟମ୍‌ରେ ଏକ ସ୍ଥାନୀୟ ସମାବେଶକୁ ସମ୍ବୋଧିତ କରିଥିଲେ । ସେଠାରେ ଫ୍ଲଡ୍ ଲାଇଟ୍‌ର ବ୍ୟବସ୍ଥା ଆଗାମୀ ୭ ଦିନ ମଧ୍ୟରେ କରାଯିବ ବୋଲି ସେ ପ୍ରତିଶ୍ରୁତି ଦେଇଛନ୍ତି । ଏଥିସହ ପାନୀୟ ଜଳ ଏବଂ କୃଷକମାନଙ୍କର ସମସ୍ୟାକୁ ତୁରନ୍ତ ସମାଧାନ କରାଯିବ ବୋଲି ସେ ଆଶ୍ୱାସନା ଦେଇଛନ୍ତି । ଏ ନେଇ ୭ଦିନ ମଧ୍ୟରେ ରିପୋର୍ଟ ପ୍ରସ୍ତୁତ କରିବାକୁ ସେ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ସେଠାରୁ ୫ଟି ସଚିବ ବଡ଼ବିଲ୍ ଗସ୍ତ କରି ସ୍ଥାନୀୟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ପରିଦର୍ଶନ କରିଥିଲେ । ସେଠାରେ ସେ ଏନ୍‌ଆର୍‌ସି (ପୁଷ୍ଟିକର ପୁନର୍ବାସ କେନ୍ଦ୍ର) ଏବଂ ଡାଇଲିସିସ୍ ସେଂଟରରେ ଚାଲିଥିବା କାର୍ଯ୍ୟଗୁଡିକର ତଦାରଖ କରିଥିଲେ । ଏହି ସୁବିଧା ଓଡିଶା ସମେତ ପଡୋଶୀ ରାଜ୍ୟ ଝାଡଖଣ୍ଡର ରୋଗୀମାନଙ୍କର ଆବଶ୍ୟକତାକୁ ପୂରଣ କରିବାରେ ସହାୟକ ହେଉଥିବା ଜାଣି ସେ ସନ୍ତୋଷ ବ୍ୟକ୍ତ କରିଥିଲେ । ଏହି ଅବସରରେ ସେ ଏନ୍‌ଆର୍‌ସି ଓ ଡାଇଲିସିସ୍ ସେଂଟରରେ ଉପଲବ୍ଧ ହେଉଥିବା ସୁବିଧା ବିଷୟରେ ରୋଗୀମାନଙ୍କ ସହ ଆଲୋଚନା କରିବା ସହ ସେମାନଙ୍କ ମତାମତକୁ ଶୁଣିଥିଲେ । ଏସବୁ ସୁବିଧାଗୁଡିକୁ ପ୍ରଭାବଶାଳୀ ଢଙ୍ଗରେ ଆହୁରି ବଢାଇବାକୁ ସେ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ଯାହାଦ୍ୱାରା ସାଧାରଣ ଜନତା ଏହାର ଅଧିକ ଲାଭ ପାଇପାରିବେ । ଏହାପରେ ୫ଟି ସଚିବ ଯୋଡା ବ୍ଲକର ସେରେଣ୍ଡା ପରିଦର୍ଶନ କରି ପଦ୍ମଶ୍ରୀ ତୁଳସୀ ମୁଣ୍ଡା ଏବଂ ଆଦିବାସୀ ବିକାଶ ସମିତିର ଛାତ୍ରଛାତ୍ରୀମାନଙ୍କୁ ଭେଟିଥିଲେ । ଆଦିବାସୀ ଛାତ୍ରଛାତ୍ରୀଙ୍କ

ସୁବିଧା ପାଇଁ ସମିତିର ପ୍ରଶଂସନୀୟ ପ୍ରୟାସ ଦେଖି ସେ ଖୁସିବ୍ୟକ୍ତ କରିଛନ୍ତି । ଶିକ୍ଷା ପ୍ରତି ରାଜ୍ୟ ସରକାରଙ୍କ ପ୍ରତିବଦ୍ଧତାକୁ ଦର୍ଶାଇ ସେ ଘୋଷଣା କରିଛନ୍ତି ଯେ ଏଣିକି ଆଦିବାସୀ ବିକାଶ ସମିତିର ୯୦୦ ଛାତ୍ରଛାତ୍ରୀଙ୍କ ପାଠପଢ଼ା ଖର୍ଚ୍ଚ ଓଡ଼ିଶା ସରକାର ବହନ କରିବେ । ଏନେଇ ଆବଶ୍ୟକୀୟ କାର୍ଯ୍ୟ ପାଇଁ ବିସ୍ତୃତ ମୂଲ୍ୟାଙ୍କନ କରିବାକୁ ୫ଟି ସଚିବ ଉପସ୍ଥିତ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏହାପରେ ସେ ଯୋଡା ଫ୍ଲାଇଓଭର ସ୍ଥଳୀରେ ଚାଲିଥିବା ପ୍ରକଳ୍ପ କାର୍ଯ୍ୟଗୁଡିକର ଅଗ୍ରଗତି ନେଇ ସମୀକ୍ଷା କରିଥିଲେ । କାର୍ଯ୍ୟ ନିର୍ଦ୍ଧାରିତ ସମୟକୁ ଆଖିରେ ରଖି ଅଗ୍ରଗତି କରୁଛି ଏବଂ ଡିସେମ୍ବର ୨୦୨୩ ସୁଦ୍ଧା ଶେଷ ହେବ ବୋଲି ଉପସ୍ଥିତ ଓବିସିସି ଅଧିକାରୀମାନେ ୫ଟି ସଚିବଙ୍କୁ ଅବଗତ କରାଇଥିଲେ । ସେଠାରୁ ୫ଟି ସଚିବ ଯୋଡାଠାରେ ଥିବା ଜରାଶ୍ରମକୁ ପରିଦର୍ଶନରେ ଯାଇଥିଲେ । ଯେଉଁଠାରେ ବର୍ତ୍ତମାନ ଉଭୟ ପୁରୁଷ ଓ ମହିଳାଙ୍କୁ ମିଶାଇ ମୋଟ ୫୦ ଜଣ ଅନ୍ତେବାସୀ ରହୁଛନ୍ତି । ସମସ୍ତଙ୍କ ଠାରୁ ୫ଟି ସଚିବ ସେମାନଙ୍କର ଅଭିଜ୍ଞତା ଏବଂ ମିଳୁଥିବା ସୁବିଧା ସମ୍ପର୍କରେ ପଚାରି ବୁଝିଥିଲେ । ଏହାପରେ ସେ ଅନ୍ତେବାସୀଙ୍କ ମଧ୍ୟାହ୍ନ ଭୋଜନରେ ଅଂଶଗ୍ରହଣ କରିଥିଲେ । ବରିଷ୍ଠ ନାଗରିକଙ୍କୁ ଯତ୍ନର ଅଧିକ ଆବଶ୍ୟକତା ପଡୁଥିବାରୁ ସୁବିଧାର ସମ୍ପ୍ରସାରଣ ଏବଂ ଅଧିକ ଅନ୍ତେବାସୀଙ୍କ ରହଣୀ ଲାଗି ବ୍ୟବସ୍ଥା କରିବା ସମ୍ବନ୍ଧରେ ଏକ ରିପୋର୍ଟ ପ୍ରସ୍ତୁତ କରିବାକୁ ଜିଲ୍ଲାପାଳଙ୍କୁ ୫ଟି ସଚିବ ନିର୍ଦ୍ଦେଶ ଦେଇଥିଲେ । ଏହାପରେ ୫ଟି ସଚିବ କାନ୍‌ପୁର ଜଳସେଚନ ପ୍ରକଳ୍ପ ସ୍ଥଳ ପରିଦର୍ଶନ କରି ସେଠାରେ ପ୍ରକଳ୍ପର ଅଗ୍ରଗତିର ଆକଳନ ସାଙ୍ଗକୁ ଜାତୀୟ ରାଜପଥ ସହ ଜଡିତ କାର୍ଯ୍ୟଗୁଡିକର ସମୀକ୍ଷା କରିଥିଲେ । ନିର୍ଦ୍ଧାରିତ ସମୟସୀମା ପାଳନପୂର୍ବକ ବର୍ଷ ଶେଷ ସୁଦ୍ଧା କାର୍ଯ୍ୟ ସାରିବା ଉପରେ ଗୁରୁତ୍ୱ ଦେବା ପାଇଁ ସେ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏଠାରେ ସେ ନିକଟସ୍ଥ ଗ୍ରାମର ଗ୍ରାମବାସୀଙ୍କ ସହ ମଧ୍ୟ ଆଲୋଚନା କରିଥିଲେ । ସେଠାରୁ କେନ୍ଦୁଝର ସହର ସ୍ଥିତ ଓଏସ୍‌ଏମ୍‌ଇ କମ୍ପ୍ଲେକ୍ସକୁ ଯାଇ ସେଠାରେ ବହୁସଂଖ୍ୟାରେ ଏକତ୍ରିତ ହୋଇଥିବା ମିଶନ ଶକ୍ତି, ସ୍ୱୟଂ ସହାୟିକା ଗୋଷ୍ଠୀର ମହିଳାମାନଙ୍କୁ ସମ୍ବୋଧିତ କରିଥିଲେ ୫ଟି ସଚିବ । ସରକାରଙ୍କଠାରୁ ମିଳୁଥିବା ସହାୟତା ଉପରେ ସେ ସକ୍ରିୟ ଭାବେ ସେମାନଙ୍କଠାରୁ ମତାମତ ଲୋଡିଥିଲେ ଏବଂ ମିଶନ ଶକ୍ତି ପାଇଁ ପର୍ଯ୍ୟାପ୍ତ ଅର୍ଥ ଉପଲବ୍ଧ ରହିଛି ବୋଲି ସେମାନଙ୍କୁ ଆଶ୍ୱାସନା ଦେଇଥିଲେ । ଏହାପରେ ସେ ଧରଣୀଧର ବିଶ୍ୱବିଦ୍ୟାଳୟ ନିକଟରେ ସ୍ଥାନୀୟ ବାସିନ୍ଦା, ବିଭିନ୍ନ ସଙ୍ଗଠନର ସଦସ୍ୟଙ୍କୁ ଭେଟି ସେମାନଙ୍କ ଅଭିଯୋଗ ଶୁଣିଥିଲେ । ସରକାରୀ ବ୍ୟବସ୍ଥା ମୁତାବକ ସମସ୍ୟାଗୁଡିକର ସମାଧାନ ଦିଗରେ ଯଥୋଚିତ ପଦକ୍ଷେପ ଗ୍ରହଣ କରିବାକୁ ସେ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏହାପରେ ୫ଟି ସଚିବ କେନ୍ଦୁଝର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଥିବା 'ମିଶନ ଶକ୍ତି' କାଫେ ପରିଦର୍ଶନ କରିଥିଲେ । ସେଠାରେ ସେ କାଫେର ପରିଚାଳନା ସଦସ୍ୟାମାନେ କିଭଳି ଆର୍ଥିକ ଦୃଷ୍ଟିକୋଣରୁ ସ୍ୱାବଲମ୍ବୀ ହୋଇପାରିଛନ୍ତି ସେନେଇ ପଚାରିବୁଝିଥିଲେ । ଉନ୍ନତମାନର ଖାଦ୍ୟ ବିତରଣ ଉଦ୍ୟମ ଜାରି ରଖିବାକୁ ସେ ସେମାନଙ୍କୁ ଉତ୍ସାହିତ କରିଥିଲେ । ସେଠାରୁ ସେ କେନ୍ଦୁଝର ଅଡିଟୋରିୟମ ଯାଇ ସେଠାରେ ପ୍ରାୟ ୧ ହଜାର ସଂଖ୍ୟାରେ ଉପସ୍ଥିତ ଥିବା ଛାତ୍ରଛାତ୍ରୀ ଓ ଶିକ୍ଷକଙ୍କୁ ସମ୍ବୋଧିତ କରିଥିଲେ । ଶିକ୍ଷାର ମାନବୃଦ୍ଧି ଏବଂ ଆନୁସଙ୍ଗିକ ସୁବିଧା ସୁଯୋଗ ଉପଲବ୍ଧ କରାଇବା ଉପରେ ସେ ଆଲୋଚନା କରି କହିଥିଲେ ଯେ ସମସ୍ତ ସରକାରୀ ଉନ୍ନୀତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଏବଂ ସ୍ନାତକ କଲେଜଗୁଡିକର ବିକାଶ ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଅର୍ଥ ମଞ୍ଜୁର ହୋଇଛି । ପ୍ରଥମ ପର୍ଯ୍ୟାୟରେ ଜିଲ୍ଲାର ଡିଗ୍ରୀ କଲେଜ ଓ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟଗୁଡିକର ବିକାଶ ହେବ ବୋଲି ସେ କହିଛନ୍ତି । ଏଥିରେ ସମସ୍ତଙ୍କର ସହଯୋଗ ପାଇଁ ୫ଟି ସଚିବ ଅନୁରୋଧ କରିଛନ୍ତି । ସେଠାରୁ ୫ଟି ସଚିବ ସ୍ଥାନୀୟ ହ୍ୟାଣ୍ଡବଲ୍ ଷ୍ଟାଡିୟମ୍ ପରିଦର୍ଶନରେ ଯାଇ ତାଲିମ୍ ଗ୍ରହଣ କରୁଥିବା ଛାତ୍ରଛାତ୍ରୀମାନଙ୍କ ଉତ୍ସାହ ଏବଂ ଉତ୍ସର୍ଗୀକୃତତାକୁ ଦେଖି ସେ ଖୁସିବ୍ୟକ୍ତ କରିଥିଲେ । ମୋଟ୍ ପ୍ରଶିକ୍ଷାର୍ଥୀଙ୍କ ସଂଖ୍ୟା ଏବଂ ବିଭିନ୍ନ ପ୍ରତିଯୋଗିତାରେ ସେମାନଙ୍କର ଅଂଶଗ୍ରହଣ ବିଷୟରେ ପଚାରି ବୁଝିଥିଲେ । ଏହା ସହ ଷ୍ଟାଡିୟମ୍‌ରେ ଉପସ୍ଥିତ ହ୍ୟାଣ୍ଡବଲ୍ ଖେଳାଳିଙ୍କ ସହ ମଧ୍ୟ କଥାବାର୍ତ୍ତା କରିଥିଲେ । ପରେପରେ ୫ଟି ସଚିବ ବଳଦେବଜୀଉ ମନ୍ଦିର ପରିଦର୍ଶନରେ ଯାଇ ସେଠାରେ ପୂଜାର୍ଚ୍ଚନା କରିଥିଲେ । ଏହାପରେ ସେ ମନ୍ଦିର ଏବଂ ପରିସରର ନବୀକରଣ ସମ୍ପର୍କରେ ମନ୍ଦିର କମିଟି ସଦସ୍ୟ ଏବଂ ପୁରୋହିତମାନଙ୍କ ସହ ଆଲୋଚନା କରିଥିଲେ । ଏହା ବ୍ୟତୀତ ସେ ବଡ଼ଦାଣ୍ଡରେ ଚାଲିଥିବା ବିକାଶ କାର୍ଯ୍ୟ ଏବଂ ଆଗାମୀ ରଥଯାତ୍ରା ପାଇଁ ପ୍ରସ୍ତୁତିର ସମୀକ୍ଷା କରିଥିଲେ । ସେଠାରୁ ୫ଟି ସଚିବ ହାଡ଼ବନ୍ଧ ଜଳାଶୟ ପରିଦର୍ଶନରେ ଯାଇ ବିଭିନ୍ନ ବିକାଶମୂଳକ କାର୍ଯ୍ୟର ସମୀକ୍ଷା କରିଥିଲେ । ଏହି କାର୍ଯ୍ୟକ୍ରମରେ କ୍ରୀଡା ସଚିବ ଶ୍ରୀ ଭିନିଲ୍ କ୍ରୀଷ୍ଣା ଓ କେନ୍ଦୁଝର ଜିଲ୍ଲାପାଳ ଆଶିଷ ଠାକରେ ଉପସ୍ଥିତ ଥିଲେ ।

ସ୍ୱାଃ/ଅପଠନୀୟ 10/6/2023

ଉପନିର୍ଦ୍ଦେଶକ, ସୂଚନା ଓ ଲୋକ ସଂପର୍କ, କେନ୍ଦୁଝର

୫ଟି ସଚିବଙ୍କ କେନ୍ଦୁଝର ଗସ୍ତର ଦ୍ୱିତୀୟ ଦିନ :

ନୂଆ ରୂପରେ ଝଲସିବ ଘଟଗାଁ ମା' ତାରିଣୀ ପୀଠ :

ବିକଶିତ ହେବ ଗୁଣ୍ଡିଚାଘାଗି ଜଳପ୍ରପାତ ଓ ଗୋନାସିକା ଗୁପ୍ତଗଙ୍ଗା ସ୍ଥଳୀ: ଆଗାମୀ ୫୦୦ ବର୍ଷକୁ ଆଖିରେ ରଖି ଭିତିଭୂମି ନିର୍ମାଣ କରାଯିବ ବ୍ରହ୍ମେଶ୍ୱର ଓ ସୀତାବିଞ୍ଜି ମନ୍ଦିରର ହେବ ନବକଳେବର :

ଗୋନାସିକା ଜୁଆଙ୍ଗ ଶିକ୍ଷା ନିକେତନରେ ଆରମ୍ଭ ହେବ ଯୁକ୍ତ ଦୁଇ ପାଠ୍ୟକ୍ରମ :

ଆନନ୍ଦପୁର ବ୍ୟାରେଜ୍ କାମ ଠିକ୍ ସମୟରେ ଶେଷ ହେବ, ଜଳସେଚିତ ହେବ କେନ୍ଦୁଝର ଓ ବାଲେଶ୍ୱରର ୬୦ ହଜାର ହେକ୍ଟର ଜମି

କେନ୍ଦୁଝର, ତା୧୧.୦୬. ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶରେ କେନ୍ଦୁଝର ଜିଲ୍ଲା ଗସ୍ତରେ ଥିବା ୫ଟି ସଚିବ ଶ୍ରୀ ଭି କେ ପାଣ୍ଡିଆନ ଆଜି ଦ୍ୱିତୀୟ ଦିନରେ ଘଟଗାଁ, ହରିଚନ୍ଦନପୁର, ବାଂଶପାଳ, ହାଟଡିହି, କେନ୍ଦୁଝର ଓ ଆନନ୍ଦପୁର ପୌରପାଳିକା ଅନ୍ତର୍ଗତ ବିଭିନ୍ନ ସ୍ଥାନ ଗସ୍ତ କରି ବିକାଶମୂଳକ କାର୍ଯ୍ୟର ଅଗ୍ରଗତି ଦେଖିବା ସହ ବହୁ ପ୍ରକଳ୍ପର ସମୀକ୍ଷା କରିଛନ୍ତି । ଏଥିସହ ବିଭିନ୍ନ ଆଧ୍ୟାତ୍ମିକସ୍ଥଳୀ ଗସ୍ତ କରି ସେଠାକାର ଉନ୍ନତିକରଣ ବାବଦରେ ଆଲୋଚନା କରିବା ସହ ସ୍ଥାନୀୟ ଜନସାଧାରଣଙ୍କ ଅଭିଯୋଗ ଶୁଣିଛନ୍ତି । ମିଶନ ଶକ୍ତି ଏସ୍.ଏଚ୍.ଜି. ସଦସ୍ୟ, କୃଷକ, ବୁଦ୍ଧିଜୀବୀ ଓ ବିଭିନ୍ନ ସଂଗଠନର ସଦସ୍ୟଙ୍କ ସହ ଆଲୋଚନା କରିଛନ୍ତି ୫ଟି ସଚିବ । ଆଜି ପ୍ରଥମେ କେନ୍ଦୁଝର ପୌରପାଳିକା ଅନ୍ତର୍ଗତ ସିଦ୍ଧମଠ ପରିଦର୍ଶନରେ ଯାଇଥିଲେ ୫ଟି ସଚିବ । ସେଠାରେ ବିଭିନ୍ନ ମନ୍ଦିରରେ ଦେବାଦେବୀଙ୍କ ଦର୍ଶନ କରିବା ସାଙ୍ଗକୁ ପୂଜାର୍ଚ୍ଚନା କରିଥିଲେ । ଏହି ଅବସରରେ ସେ ସିଦ୍ଧମଠର ପାରିପାର୍ଶ୍ୱିକ ବିକାଶ ସମ୍ପର୍କରେ ମନ୍ଦିର କମିଟି ସଦସ୍ୟ, ପୂଜକ ଓ ସ୍ଥାନୀୟ ଲୋକଙ୍କ ସହ ଆଲୋଚନା କରିଥିଲେ । ଖୁବ୍‌ଶୀଘ୍ର ଏହି ପୀଠର ରୂପରେଖ ବଦଳିବ ବୋଲି ୫ଟି ସଚିବ ସୂଚନା ଦେଇଥିଲେ । ଏହାପରେ ଶଙ୍କରପୁର ସ୍ଥିତ ଧରଣୀଧର କ୍ରୀଡ଼ା କମ୍ପ୍ଲେକ୍ସ ଯାଇ ବିଭିନ୍ନ ନୂଆ ନିର୍ମାଣ ସବୁ ବୁଲି ଦେଖିଥିଲେ ୫ଟି ସଚିବ । ଫୁଟବଲ ଗ୍ରାଉଣ୍ଡ, ଆଥଲେଟିକ୍ ଗ୍ରାଉଣ୍ଡ, ଇଣ୍ଡୋର ବ୍ୟାଡ୍‌ମିଂଟନ କୋର୍ଟ, ଆର୍ଚେରୀ ଗ୍ରାଉଣ୍ଡ ଏବଂ ଇଣ୍ଡୋର ଜିମ୍ ପରିଦର୍ଶନ କରିବା ସାଙ୍ଗକୁ ଉପସ୍ଥିତ ଖେଳାଳିମାନଙ୍କର ସହ ଆଲୋଚନା କରିଥିଲେ । ସମସ୍ତଙ୍କୁ ଉନ୍ନତମାନର ତାଲିମ୍, ଖାଦ୍ୟପେୟ ଓ ହଷ୍ଟେଲ୍ ସୁବିଧା ମିଳୁଥିବା ଜାଣି ୫ଟି ସଚିବ ସନ୍ତୋଷ ବ୍ୟକ୍ତ କରିଥିଲେ । କ୍ୟାମ୍ପସ୍‌ରେ ବୃକ୍ଷରୋପଣ କାର୍ଯ୍ୟ ତ୍ୱରାନ୍ୱିତ କରିବାକୁ ଜିଲ୍ଲାପାଳଙ୍କୁ ପରାମର୍ଶ ଦେଇଥିଲେ । ସେଠାରୁ ସିଧା ଘଟଗାଁ ଗସ୍ତ କରିଥିଲେ ୫ଟି ସଚିବ । ଘଟଗାଁରେ ପହଂଚିବା ପରେ ପ୍ରଥମେ ମା' ତାରିଣୀଙ୍କ ପୀଠକୁ ଯାଇ ଦର୍ଶନ କରିବା ସହ ଆଶୀର୍ବାଦ ଭିକ୍ଷା କରିଥିଲେ । ମନ୍ଦିର ପରିଚାଳନା କମିଟି ଓ ଦେହୁରୀ ସେବାୟତଙ୍କ ସହ ଆଲୋଚନା କରି ଖୁବ୍‌ଶୀଘ୍ର ମା'ଙ୍କର ପୀଠର ବିକାଶ କାମ ହାତକୁ ନିଆଯାଇ ଏହାର ରୂପାନ୍ତର କରାଯିବ ବୋଲି କହିଥିଲେ । ତାପରେ ସ୍ଥାନୀୟ ମିନି ଷ୍ଟାଡିୟମ୍ ଠାରେ କୃଷକ, ମିଶନ ଶକ୍ତି ମହିଳା ଓ ସ୍ଥାନୀୟ ଜନସାଧାରଣଙ୍କ ବିଶାଳ ସମାବେଶକୁ ସମ୍ବୋଧିତ କରିଥିଲେ ୫ଟି ସଚିବ । ଏହି ଅବସରରେ ସମସ୍ତଙ୍କ ଆଗରେ ସେ ନିଜ ଚାକିରି ଜୀବନର ପୁରୁଣା ସ୍ମୃତିକୁ ସାଉଂଟିଥିଲେ । ଓଡିଶା କ୍ୟାଡରରେ ଯୋଗଦେବାପରେ ସେ କିଭଳି କେନ୍ଦୁଝର ଜିଲ୍ଲାରେ ପ୍ରଥମ ପୋଷ୍ଟିଂ ପାଇଥିଲେ ଏବଂ ପ୍ରଥମ କରି କିଭଳି ମା'ତାରିଣୀଙ୍କ ଦର୍ଶନ ପାଇଁ ଆସିଥିଲେ, ସେକଥା ବର୍ଣ୍ଣନା କରିଥିଲେ । ଏଥିସହ ପୁରୀ ଶ୍ରୀମନ୍ଦିର, ତାରା ତାରିଣୀ ଓ ସମଲେଇ ପୀଠ ଭଳି ଘଟଗାଁରେ ମଧ୍ୟ ମା ତାରିଣୀଙ୍କ ପୀଠର ବିକାଶ କରାଯିବ । ସେହିଭଳି ଗୁଣ୍ଡିଚାଘାଗି ଜଳପ୍ରପାତର ମଧ୍ୟ ଉନ୍ନତିକରଣ ହେବ । ଆଗାମୀ ୫୦୦ ବର୍ଷକୁ ଆଖିରେ ରଖି ଭିତିଭୂମି ନିର୍ମାଣ ହେବ ଏବଂ କାର୍ଯ୍ୟ ଆରମ୍ଭ ହେବାର ୬ ମାସ ମଧ୍ୟରେ ଏହାକୁ ଶେଷ କରାଯିବ । ଏଥି ପାଇଁ ସେ ସ୍ଥାନୀୟ ଅଂଚଳବାସୀଙ୍କ ସହଯୋଗ କାମନା କରିଥିଲେ । ଏହାପରେ ଶ୍ରୀ

Contd....P/2

ପାଣ୍ଡିଆନ ବାଂଶପାଳ ବ୍ଲକ୍ ଅନ୍ତର୍ଗତ ଗୋନାସିକା ଅଭିମୁଖେ ବାହାରିଥିଲେ । ସେଠାରେ କୁଆଙ୍ଗ ପିଲାଙ୍କ ପାଇଁ ଏସସି, ଏସଟି ବିକାଶ ବିଭାଗ ଅଧିନରେ କାର୍ଯ୍ୟ କରୁଥିବା ଶିକ୍ଷାନିକେତନ ଓ ଏହା ଅନ୍ତର୍ଗତ ବାଳିକା ଉଚ୍ଚ ବିଦ୍ୟାଳୟ ପରିଦର୍ଶନ କରିଥିଲେ । ସ୍କୁଲରେ ୫ଟି ରୂପାନ୍ତର ଦେଖି ଖୁସି ହେବା ସହ ସେ ଏନେଇ ପିଲାମାନଙ୍କ ସହ ଅଧିକ ଆଲୋଚନା କରିଥିଲେ । ଖୁବ୍‌ଶୀଘ୍ର ଏହି ଶିକ୍ଷାନିକେତନରେ ଯୁକ୍ତଦୁଇ ପାଠ୍ୟକ୍ରମ ଆରମ୍ଭ ହେବ ବୋଲି ୫ଟି ସଚିବ ପ୍ରକାଶ କରିଛନ୍ତି । ପରେ ବୈତରଣୀ ନଦୀର ଉତ୍ପତିସ୍ଥଳ ତଥା ଗୁପ୍ତଗଙ୍ଗା ସ୍ଥଳୀ ପରିଦର୍ଶନ କରି ଏହାର ବିକାଶ ଦିଗରେ ଉପସ୍ଥିତ ଅଧିକାରୀଙ୍କ ସହ ଆଲୋଚନା କରିଥଲେ ୫ଟି ସଚିବ । ଏନେଇ ସବିଶେଷ ପ୍ରକଳ୍ପ ରିପୋର୍ଟ (ଡିପିଆର) ପ୍ରସ୍ତୁତ କରିବାକୁ ସେ ଜିଲ୍ଲାପାଳଙ୍କୁ ପରାମର୍ଶ ଦେଇଥିଲେ । ସେଠାରୁ ପ୍ରସିଦ୍ଧ ଶୈବପୀଠ ବ୍ରହ୍ମେଶ୍ୱର ମନ୍ଦିର ଯାଇ ପୂଜାର୍ଚ୍ଚନା କରିବା ସହ ମନ୍ଦିର ଏବଂ ପାରିପାର୍ଶ୍ୱିକ ବିକାଶ କାମ ଖୁବ୍‌ଶୀଘ୍ର କରାଯିବ ବୋଲି କହିଥିଲେ ୫ଟି ସଚିବ । ସେହିଠାରେ କୃଷକ, ମିଶନ ଶକ୍ତି ମହିଳା ଓ ସ୍ଥାନୀୟ ଲୋକଙ୍କ ଏକ ସମାବେଶକୁ ମଧ୍ୟ ସମ୍ବୋଧିତ କରିଥିଲେ । ଅଂଚଳବାସୀଙ୍କ ସମସ୍ତ ଦାବି ସେ ମୁଖ୍ୟମନ୍ତ୍ରୀଙ୍କ ନଜରକୁ ଆଣିବେ ଏବଂ ସରକାରୀ ବିଧି ବ୍ୟବସ୍ଥା ଆଧାରରେ ସେ ସବୁ ପୂରଣ ହେବ ବୋଲି ସଚିବ ଉପସ୍ଥିତ ଲୋକଙ୍କୁ ପ୍ରତିଶ୍ରୁତି ଦେଇଥିଲେ । ସେଠାରୁ ଶ୍ରୀ ପାଣ୍ଡିଆନ ହରିଚନ୍ଦନପୁର ବ୍ଲକ୍ ଅନ୍ତର୍ଗତ କୁସୁମଯୋଡି ଯାଇ ସ୍ଥାନୀୟ ମହିଳା କୃଷକ ବଜାର ପରିଦର୍ଶନ କରିଥିଲେ । କୃଷି ଉତ୍ପାଦନ କ୍ଲଷ୍ଟର (ଏପିସି) କାର୍ଯ୍ୟକ୍ରମ ମାଧ୍ୟମରେ କିଭଳି ମହିଳା ଚାଷୀମାନେ ଲାଭାନ୍ୱିତ ହୋଇପାରିଛନ୍ତି ସେସବୁ ଦେଖି ସେ ଖୁସିବ୍ୟକ୍ତ କରିଥିଲେ ଏବଂ ସବୁବେଳେ ସେମାନଙ୍କ ସହଯୋଗ ପାଇଁ ରାଜ୍ୟ ସରକାର ତତ୍ପର ଅଛନ୍ତି ବୋଲି ଆଶ୍ୱାସନା ଦେଇଥିଲେ । ଏହାପରେ ସେ ଉଗାମୁଣ୍ଡା ସ୍ଥିତ ଟସର ସିଲ୍କ ପାର୍କ ଅଭିମୁଖେ ବାହାରିଥିଲେ । ସେଠାରେ ସେ ମହିଳାମାନେ କିଭଳି ବିଭିନ୍ନ ଯନ୍ତ୍ରପାତି ବ୍ୟବହାର କରି ଟସର ସିଲ୍କରୁ ବିଭିନ୍ନ ଦ୍ରବ୍ୟ ପ୍ରସ୍ତୁତ କରୁଛନ୍ତି, ସେସବୁ ଦେଖିଥିଲେ । ସେଂଟରଟିର କାର୍ଯ୍ୟପ୍ରଣାଳୀ ଉପରେ ପଚାରି ବୁଝିବା ସହ ପ୍ରସ୍ତୁତ ହେଉଥିବା ସମସ୍ତ ଦ୍ରବ୍ୟର ବ୍ରାଣ୍ଡିଂ ଓ ମାର୍କେଟିଂ ଲାଗି ରାଜ୍ୟ ସରକାର ସହାୟତା ଯୋଗାଇଦେବେ ବୋଲି ୫ଟି ସଚିବ କହିଥିଲେ । ଏହି ଅବସରରେ ସେ ସ୍ଥାନୀୟ ଲୋକଙ୍କ ଦାବି ମୁତାବକ ସୀତାବିଞ୍ଜି ମନ୍ଦିରର ବିକାଶ କାମ ମଧ୍ୟ ହାତକୁ ନିଆଯିବ ବୋଲି ପ୍ରକାଶ କରିଛନ୍ତି । କାର୍ଯ୍ୟକ୍ରମ ଜାରି ରଖି ୫ଟି ସଚିବ ପରେ ହାଟଡିହି ବ୍ଲକ ଅନ୍ତର୍ଗତ ସୁନ୍ଦରପାଳ ଠାରେ ପହଂଚିଥିଲେ । ସେଠାରେ ସେ ବହୁସଂଖ୍ୟାରେ ଏକତ୍ରିତ ହୋଇଥିବା ମହିଳା, ଚାଷୀ ଓ ବିଭିନ୍ନ ବର୍ଗର ଲୋକଙ୍କ ସହ ବାର୍ତାଳାପରେ ସାମିଲ୍ ହୋଇଥିଲେ । ଲୋକଙ୍କ କଲ୍ୟାଣ ପାଇଁ ରାଜ୍ୟ ସରକାର ପ୍ରତିବଦ୍ଧ ଅଛନ୍ତି ଏବଂ ଚାଷୀଙ୍କ ସମସ୍ୟାର ସମାଧାନ ସରକାରଙ୍କ ପ୍ରାଥମିକତା ବୋଲି ୫ଟି ସଚିବ କହିଥିଲେ । ଏହାପରେ ସେ ଗ୍ରାମୀଣ ପାନୀୟ ଜଳ ଯୋଗାଣ ଉଦ୍ଦେଶ୍ୟରେ ସଙ୍ଗମଠାରେ ଜାରି ରହିଥିବା ଜଳ ବିଶୋଧନାଗାର ପରିଦର୍ଶନ କରିବା ସହ ମେଗା ପାଇପ୍ ଜଳ ଯୋଗାଣ ପ୍ରକଳ୍ପର ଅଗ୍ରଗତି ନେଇ ସମୀକ୍ଷା କରିଥିଲେ ଏବଂ ନିର୍ଦ୍ଧାରିତ ସମୟସୀମା ଅନୁଯାୟୀ ପ୍ରକଳ୍ପ ସଂପୂର୍ଣ୍ଣ କରିବାକୁ ପରାମର୍ଶ ଦେଇଥିଲେ । ପରେ ସେ ଆନନ୍ଦପୁର ବ୍ୟାରେଜ୍ ସାଇଟ୍ ପରିଦର୍ଶନ କରି ଚାଲିଥିବା କାର୍ଯ୍ୟଗୁଡିକର ସମୀକ୍ଷା କରିଥିଲେ । ଚାଲିଥିବା କେନାଲ୍ କାର୍ଯ୍ୟ ବିଷୟରେ ତାଙ୍କୁ ସୂଚନା ଦିଆଯାଇଥିଲା ଯାହା କି କେନ୍ଦୁଝର ଓ ବାଲେଶ୍ୱର ଜିଲ୍ଲାର ପ୍ରାୟ ୬୦,୦୦୦ ହେକ୍ଟର ଅଂଚଳରେ ଜଳସେଚନର ସମ୍ଭାବନା ସୃଷ୍ଟି କରିବ । ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ପ୍ରକଳ୍ପର ସମାପ୍ତି ନିଶ୍ଚିତ କରିବାକୁ ସେ ପରାମର୍ଶ ଦେଇଛନ୍ତି । ୫ଟି ସଚିବଙ୍କ ଗସ୍ତ ଅବସରରେ କ୍ରୀଡା ସଚିବ ଶ୍ରୀ ଆର୍ ଭିନିଲ କ୍ରିଷ୍ଣା, ଜିଲ୍ଲାପାଳ ଆଶିଷ ଠାକରେ, ଏସ୍.ପି ନୀତିନ୍ କୁଶଲକର ପ୍ରମୁଖ ଉପସ୍ଥିତ ଥିଲେ ।

11/06/2023

ଉପନିର୍ଦ୍ଦେଶକ, ସୂଚନା ଓ ଲୋକ ସଂପର୍କ, କେନ୍ଦୁଝର